ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1219/05-02-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୫ ଫେବୃଆରୀ,୨୦୨୧

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ  ଆଜି ଭିଡ଼ିଓ କନ୍‌ଫରେନ୍ସ ଜରିଆରେ କୋରାପୁଟ ଜିଲ୍ଲା ପଟ୍ଟାଙ୍ଗୀ ବ୍ଲକ୍ ଅନ୍ତର୍ଗତ କୁଟିଆ ଗ୍ରାମପଞ୍ଚାୟତ ପାଇଁ ୧୮ କୋଟି ଟଙ୍କା ମୂଲ୍ୟର ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଶୁଭାରମ୍ଭ କରିଛନ୍ତି । ସେ ମଧ୍ୟ ଏକ ହାଇ ଲେବୁଲ ସେତୁର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ୨୦୧୮ ମସିହାରେ ସେ ଘୋଷଣା କରିଥିବା ୧୫୦ କୋଟି ଟଙ୍କାର ବିଭିନ୍ନ ପ୍ରକଳ୍ପର କାର୍ଯ୍ୟ ଜାରି ରହିଛି ବୋଲି ଉଲ୍ଲେଖ କରି କୁଟିଆବାସୀଙ୍କୁ ଭେଟିବାକୁ ଯିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି । କୁଟିଆକୁ ଏକ ଆଦର୍ଶ ଗ୍ରାମପଞ୍ଚାୟତ ଭାବେ ବିକଶିତ କରାଯିବ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ ଶିକ୍ଷା, ସ୍ୱାସ୍ଥ୍ୟ, ଯୋଗାଯୋଗ, ପାନୀୟ ଜଳ ଏବଂ ବିଦ୍ୟୁତ କ୍ଷେତ୍ରରେ ଉନ୍ନତି ପାଇଁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଥିବାବେଳେ ଲୋକମାନଙ୍କର ଖାଦ୍ୟ ସୁରକ୍ଷା, ସାମାଜିକ ସୁରକ୍ଷା ଓ ଜୀବନଜିବକା ଉପରେ ବିଶେଷ ଗୁରୁତ୍ୱ ଦିଆଯାଉଛି । ମାନ୍ୟବର ମୁଖ୍ୟମନ୍ତ୍ରୀ ମଧ୍ୟ କୋରାପୁଟକୁ ଦ୍ୱିତୀୟ ଶ୍ରୀକ୍ଷେତ୍ର ଭାବେ ବର୍ଣ୍ଣନା କରିବା ସହ ଶହୀଦ ଲକ୍ଷ୍ମଣ ନାଏକଙ୍କ ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ ।

- ମାନ୍ୟବର ମନ୍ତ୍ରୀ, ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ଶ୍ରୀମତୀ ପଦ୍ମିନୀ ଦିଆନ, ମାନ୍ୟବର ବିଧାୟକ କୋରାପୁଟ, ମାନ୍ୟବର ବିଧାୟକ ପଟ୍ଟାଙ୍ଗୀ ଏହି ଅବସରରେ ବକ୍ତବ୍ୟ ରଖିଥିବାବେଳେ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍ କାର୍ଯ୍ୟକ୍ରମ ସଂଚାଳନ କରିଥିଲେ । କୋରାପୁଟ ଜିଲ୍ଲାପାଳ ଏବଂ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ମଧ୍ୟ ବକ୍ତବ୍ୟ ରଖିଥିଲେ ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୮,୧୯,୯୦୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୫,୪୬୬ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୨,୬୧୧ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ୧୯୦୮ ଜଣ କୋଭିଡ୍‌-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୮୯୪ ରହିଛି ।
- ୮୯୪ ଜଣ ହସ୍‌ପିଟାଲ୍‌ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'